ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SME(OD)/66/20-01-2025

# ରାଜ୍ୟରେ ଲାଗୁ ହେବ ଜାତୀୟ ଶିକ୍ଷା ନୀତି ୨୦୨୦

## ରାଜ୍ୟ ପାଇଁ ପର୍ଯ୍ୟାୟକ୍ରମେ କାର୍ଯ୍ୟାନ୍ୱୟନ ପ୍ରସ୍ତୁତ କରିବା ପାଇଁ ତିନି ଦିନିଆ ଜାତୀୟସ୍ତରୀୟ କର୍ମଶାଳା

ଭୁବନେଶ୍ୱର, ୨୦/୦୧/୨୦୨୫

କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ (MoE) ଦ୍ୱାରା ଜାରି କରାଯାଇଥିବା ଜାତୀୟ ଶିକ୍ଷା ନୀତି (NEP), ୨୦୨୦ ସମସ୍ତଙ୍କୁ ଉଚ୍ଚମାନର ଶିକ୍ଷା ପ୍ରଦାନ ସହ ଏକବିଂଶ ଶତାବ୍ଦୀର ଶିକ୍ଷା ବ୍ୟବସ୍ଥାରେ ଐତିହାସିକ ପରିବର୍ତ୍ତନ ଆଣିବା ନେଇ ସଂକଳ୍ପବଦ୍ଧ । ସୁଗମତା, ସମାନତା, ଗୁଣାତ୍ମକ ଶିକ୍ଷା ଏବଂ ଦାୟିତ୍ୱବୋଧ ଆଦି ସ୍ତମ୍ଭ ଆଧାରରେ ପରିଚାଳିତ ଜାତୀୟ ଶିକ୍ଷା ନୀତି ୨୦୨୦ ଧନ୍ଦାମୂଳକ ଦକ୍ଷତା, ମାତୃଭାଷାରେ ଶିକ୍ଷା, ଡିଜିଟାଲ୍ ଶିକ୍ଷା, ଶିଶୁର ସାମଗ୍ରିକ ବିକାଶ, ଦକ୍ଷତା-ଆଧାରିତ ମୂଲ୍ୟାଙ୍କନ, ମୌଳିକ ସାକ୍ଷରତା ଏବଂ ସଂଖ୍ୟାଜ୍ଞାନ ଦକ୍ଷତା ହାସିଲ୍ କରିବାରେ ସହାୟକ ହେବ ।

ରାଜ୍ୟ ସରକାର ୨୦୨୫-୨୬ ଶିକ୍ଷାବର୍ଷରୁ ଜାତୀୟ ଶିକ୍ଷା ନୀତି ୨୦୨୦ କୁ ପର୍ଯ୍ୟାୟକ୍ରମେ କାର୍ଯ୍ୟକାରୀ କରିବାକୁ ଯୋଜନା କରିଛନ୍ତି । କାର୍ଯ୍ୟକାରିତାର ପ୍ରଥମ ପର୍ଯ୍ୟାୟରେ ରାଜ୍ୟରେ ଜାତୀୟ ଶିକ୍ଷା ନୀତି କାର୍ଯ୍ୟକାରୀ କରିବା ଏବଂ ସ୍ଥାନୀୟ ପ୍ରସଙ୍ଗୀକରଣ ସହିତ ଜାତୀୟ ପାଠ୍ୟକ୍ରମ ରୂପରେଖ ଢାଞ୍ଚାରେ ରାଜ୍ୟ ପାଠ୍ୟକ୍ରମ ରୂପରେଖକୁ ପ୍ରସ୍ତୁତ କରିବା ନେଇ ଚଳିତ ମାସର ଆରମ୍ଭରେ ବିଜ୍ଞପ୍ତି ସଂଖ୍ୟା 1234/ ତାରିଖ 15.01.2025 ମାଧ୍ୟମରେ ବିଦ୍ୟାଳୟ ଏବଂ ଗଣଶିକ୍ଷା ବିଭାଗ ଘୋଷଣା କରିଥିଲା ।

ନୀତି କାର୍ଯ୍ୟାନ୍ୱୟନ ପାଇଁ ରାଜ୍ୟର ପ୍ରାରମ୍ଭିକ ପଦକ୍ଷେପର ଏକ ଅଂଶ ଭାବରେ, ମୌଳିକ ସାକ୍ଷରତା ଏବଂ ସଂଖ୍ୟାଜ୍ଞାନକୁ ପ୍ରାଧାନ୍ୟ ଦେଇ ଜାତୀୟ ନୀତି ନିର୍ଦ୍ଦେଶାବଳୀ ସହିତ ସମନ୍ୱୟ ରଖି ସେପ୍ଟେମ୍ବର ୨୦୨୪ ରେ ନିପୁଣ ଓଡ଼ିଶା ଯୋଜନା ଆରମ୍ଭ କରାଯାଇଥିଲା । ଏଥିସହିତ ରାଜ୍ୟ ସରକାର ପିଏମ୍ ଶ୍ରୀ ଯୋଜନାକୁ କାର୍ଯ୍ୟକାରୀ କରି ରାଜ୍ୟର ବିଦ୍ୟାଳୟଗୁଡ଼ିକୁ ଜାତୀୟ ଶିକ୍ଷା ନୀତି କାର୍ଯ୍ୟାନ୍ୱୟନ ପାଇଁ ଆଦର୍ଶ ବିଦ୍ୟାଳୟ ଭାବେ ଉନ୍ନୀତ କରୁଛନ୍ତି । ସମ୍ପୃକ୍ତ ଶିକ୍ଷାବର୍ଷ ସେପ୍ଟେମ୍ବର ୧ ରୁ ପ୍ରଥମ ଶ୍ରେଣୀ ପାଇଁ ନାମଲେଖା ବୟସକୁ ସଂଶୋଧିତ କରି ୬ ବର୍ଷ ଓ ଉର୍ଦ୍ଧ୍ୱ ବୟସ କରାଯାଇଛି ଏବଂ ଜାତୀୟ ଶିକ୍ଷା ନୀତି ୨୦୨୦ ର ପରିକଳ୍ପନା ଅନୁଯାୟୀ, ୫ ବର୍ଷ ଓ ଉର୍ଦ୍ଧ୍ୱ ବୟସର ପିଲାମାନଙ୍କ ପାଇଁ ପ୍ରାକ୍-ବିଦ୍ୟାଳୟ ଶିକ୍ଷା ନିମନ୍ତେ ସମସ୍ତ ପ୍ରାଥମିକ ବିଦ୍ୟାଳୟରେ "ଶିଶୁ ବାଟିକା" ଖୋଲିବା ନେଇ ରାଜ୍ୟ ସରକାରଙ୍କ ବିଜ୍ଞପ୍ତି ସଂଖ୍ୟା 1753/ ତାରିଖ 20.01.2025 ରେ ଘୋଷଣା କରାଯାଇଛି ।

୨୦୨୫-୨୬ ଶିକ୍ଷାବର୍ଷରୁ ପର୍ଯ୍ୟାୟକ୍ରମେ ରାଜ୍ୟ ପାଠ୍ୟକ୍ରମ ରୂପରେଖର ସଂଶୋଧନ ଆରମ୍ଭ କରାଯିବ, ପ୍ରଥମ ପର୍ଯ୍ୟାୟରେ ଜାତୀୟ ପାଠ୍ୟକ୍ରମ ରୂପରେଖ ଢାଞ୍ଚାରେ ରାଜ୍ୟ ପ୍ରସଙ୍ଗୀକରଣ ସହିତ ପ୍ରାରମ୍ଭିକ ପର୍ଯ୍ୟାୟକୁ ( Preparatory Stage) ଗ୍ରହଣ କରାଯିବ । ଜାତୀୟ ଶିକ୍ଷା ନୀତି ୨୦୨୦ ଅନୁସାରେ, ଶିଶୁର ପ୍ରଥମ ୧୫ ବର୍ଷ ଶିକ୍ଷା ( ୩-୧୮ ବର୍ଷ ବୟସ) ପର୍ଯ୍ୟାୟକ୍ରମେ ୫+୩+୩+୪ ଭିତ୍ତିରେ ପରିବର୍ତ୍ତନ କରାଯିବ । ପ୍ରାରମ୍ଭିକ ପର୍ଯ୍ୟାୟ (Foundational Stage) (ଦୁଇ ଭାଗରେ, ଅର୍ଥାତ୍ ୩ ବର୍ଷ ଅଙ୍ଗନବାଡି, ୨ ବର୍ଷ ପ୍ରାଥମିକ ବିଦ୍ୟାଳୟରେ ପ୍ରଥମ ଓ ଦ୍ୱିତୀୟ ଶ୍ରେଣୀ, ବୟସ ୩ ବର୍ଷରୁ ୮ ବର୍ଷ ), ପ୍ରସ୍ତୁତି ପର୍ଯ୍ୟାୟ (Preparatory Stage) (ତିନି ବର୍ଷ ଅର୍ଥାତ୍ ତୃତୀୟ ଶ୍ରେଣୀରୁ ପଞ୍ଚମ ଶ୍ରେଣୀ, ବୟସ ୮ ବର୍ଷରୁ ୧୧ ବର୍ଷ), ମଧ୍ୟ ପର୍ଯ୍ୟାୟ (Middle Stage) ( ତିନି ବର୍ଷ ଅର୍ଥାତ୍ ଷଷ୍ଠରୁ ଅଷ୍ଟମ ଶ୍ରେଣୀ, ବୟସ ୧୧ ବର୍ଷରୁ ୧୪ ବର୍ଷ), ମାଧ୍ୟମିକ ପର୍ଯ୍ୟାୟ (Secondary Stage) ( ଚାରି ବର୍ଷ ଅର୍ଥାତ୍ ନବମ ଶ୍ରେଣୀରୁ ଦ୍ୱାଦଶ ଶ୍ରେଣୀ, ବୟସ ୧୪ ବର୍ଷରୁ ୧୮ ବର୍ଷ ) । ନୀତି କାର୍ଯ୍ୟାନ୍ୱୟନର ପ୍ରଥମ ଭାଗରେ ଶିକ୍ଷାର ପ୍ରାରମ୍ଭିକ ପର୍ଯ୍ୟାୟ (Preparatory Stage) ପରିବର୍ତ୍ତନ ଉପରେ ରାଜ୍ୟ ଧ୍ୟାନ ଦେବ ଏବଂ ପରବର୍ତ୍ତୀ ପର୍ଯ୍ୟାୟରେ ପ୍ରସ୍ତୁତି, ମଧ୍ୟ ଏବଂ ଦ୍ୱିତୀୟ ପର୍ଯ୍ୟାୟ ପାଇଁ କାର୍ଯ୍ୟାନ୍ୱୟନ ଆରମ୍ଭ କରାଯିବ ।

ପୂର୍ବରୁ ଓଡ଼ିଶା ସରକାର ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନସଚିବଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ଟାସ୍କ ଫୋର୍ସ ଗଠନ କରିଥିଲେ । ଏହି ଟାସ୍କ ଫୋର୍ସ ରାଜ୍ୟରେ ଜାତୀୟ ଶିକ୍ଷା ନୀତିକୁ କାର୍ଯ୍ୟକାରୀ କରିବା ପାଇଁ ପଦକ୍ଷେପ ନିଆଯିବା ପାଇଁ ପରାମର୍ଶ ଦେଇଥିଲା । ବର୍ତ୍ତମାନ ଭୋପାଳର ଆଞ୍ଚଳିକ ଶିକ୍ଷା ପ୍ରତିଷ୍ଠାନର ପୂର୍ବତନ ଅଧ୍ୟକ୍ଷ ପ୍ରଫେସର ନିତ୍ୟାନନ୍ଦ ପ୍ରଧାନଙ୍କ ଅଧ୍ୟକ୍ଷତାରେ ରାଜ୍ୟ ଷ୍ଟିୟରିଂ କମିଟି ଗଠନ କରାଯାଇଛି । ଏହି ଷ୍ଟିୟରିଂ କମିଟି ସ୍ଥାନୀୟ ପରିପ୍ରେକ୍ଷୀରେ ଜାତୀୟ ପାଠ୍ୟକ୍ରମ ରୂପରେଖ (National Curriculum Frameworks) ଅନୁସାରେ ରାଜ୍ୟ ପାଠ୍ୟକ୍ରମ ରୂପରେଖ ( State Curriculum Frameworks) ପ୍ରସ୍ତୁତ କରିବ ।

ରାଜ୍ୟରେ ଜାତୀୟ ଶିକ୍ଷା ନୀତିର କାର୍ଯ୍ୟକାରିତାକୁ ସୁଗମ କରିବା ପାଇଁ, ଓଡ଼ିଶାରେ  ଏକ ତିନି ଦିନିଆ ଜାତୀୟ କର୍ମଶାଳା ଜାନୁଆରୀ ୨୧  ରୁ ୨୩  ତାରିଖ ପର୍ଯ୍ୟନ୍ତ ଆୟୋଜନ କରାଯାଉଛି । ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ମୋହନ ଚରଣ ମାଝୀ ଏବଂ ମାନ୍ୟବର କେନ୍ଦ୍ର ଶିକ୍ଷାମନ୍ତ୍ରୀ ଶ୍ରୀଯୁକ୍ତ ଧର୍ମେନ୍ଦ୍ର ପ୍ରଧାନଙ୍କ ଉପସ୍ଥିତିରେ ଏହି କର୍ମଶାଳାର ଉଦଘାଟନ କରାଯିବ । ଏହି କର୍ମଶାଳା ରାଜ୍ୟର ଶିକ୍ଷା ଗୋଷ୍ଠୀଙ୍କୁ ସଚେତନ କରିବ ଏବଂ ଓଡ଼ିଶାରେ ଜାତୀୟ ଶିକ୍ଷା ନୀତିର ପର୍ଯ୍ୟାୟକ୍ରମେ କାର୍ଯ୍ୟକାରିତା ପାଇଁ ଏକ ରୋଡମ୍ୟାପ୍ ପ୍ରସ୍ତୁତ କରିବ ।


ରୋଜାଲିନ୍ ସାହୁ
ଲୋକସମ୍ପର୍କ ଅଧିକାରୀ
ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ